ପ୍ରେସ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୪ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୯୨୨ରେ ପହଞ୍ଚିଲା - ସୁସ୍ଥ ହେଲେ ୧୮ ଜଣ ।

ଆଜି ଜିଲ୍ଲାର ୯ଟି ଅଂଚଳରୁ ଆକ୍ରାନ୍ତ ଚିହ୍ନଟ ହୋଇନାହାନ୍ତି ।

ଅନୁଗୋଳ, ତା୦୩.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୧୬ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆ୦ମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ବ୍ଲକ , ତାଳଚେର ପୌରାଞ୍ଚଳ, କିଶୋରନଗର ବ୍ଲକ, ଅନୁଗୋଳ ବ୍ଲକ, ଅନୁଗୋଳ ପୌରାଞ୍ଚଳ,କଣିହାଁ ବ୍ଲକ, ବଅଁରପାଳ ବ୍ଲକ ,ଆ୦ମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଓ ପାଲଲହଡା ବ୍ଲକ ପ୍ରଭୃତି ୯ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ସମସ୍ତ ୧୮ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୦୩ ତା.୦୩.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

୦୩/୦୧/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ